প্রেস্ নোট্

# ଆଜି ଅନୁଗୋଳ ଜିଲ୍ଲାରୁ ୧୮ ଜଣ କରୋନା ପଜିଟିଭ ଚିହ୍ନଟ

ପଜିଟିଭ ସଂଖ୍ୟା ୪୪୦୭୫ରେ ପହଞ୍ଚିଲା - ସୁସ୍ଥ ହେଲେ ୨୧ ଜଣ ।

ଅନୁଗୋଳ, ତା.୦୧.୦୯:- ଆଜି ଅନୁଗୋଳ ଜିଲ୍ଲାରେ ୧୮ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୫ଜଣ ( ୩ଜଣ ପୁରୁଷ ଓ ୨ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୪ଜଣ ( ୨ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୩ଜଣ (୨ ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଓ ଅନୁଗୋଳ ପୌରାଞ୍ଚଳରୁ ୧ଜଣ ( ୧ଜଣ ପୁରୁଷ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକ ମଧ୍ୟରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ, ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୨୧ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୩୭୫ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୫ ଲକ୍ଷ ୩୫ହଜାର ୩୫୯ଜଣଙ୍କୁ ଟିକା ଦିଆଗଲାଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୫୬୦ ତା. ୦୧.୦୯.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ